# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**23 October - 2024**

---

# ସମ୍ଭାବ୍ୟ ବାତ୍ୟା 'ଦାନା'

ଗଭୀର ଅବପାତ ପୂର୍ବ ଓ କେନ୍ଦ୍ରୀୟ ବଙ୍ଗୋପ ସାଗରରେ ବର୍ତ୍ତମାନ କେନ୍ଦ୍ରୀଭୂତ ହୋଇ ରହିଛି । ଏହି ଅବପାତ ପାରାଦ୍ୱୀପର ଦକ୍ଷିଣ-ପୂର୍ବ ଦିଗରେ ୬୭୦ କିଲୋମିଟର ଦୂରରେ ରହିଛି । ସେହିପରି ବାଂଲାଦେଶର ଖେପାପୁରାଠାରୁ ଦକ୍ଷିଣ-ଦକ୍ଷିଣପୂର୍ବ ଦିଗରେ ୭୦୦ କିଲୋମିଟର ଦୂରରେ ରହିଛି । ଆଗକୁ ଏହା ପଶ୍ଚିମ ଓ ଉତ୍ତରପଶ୍ଚିମ ଦିଗରେ ଗତିକରି ଆଜିସୁଦ୍ଧା ସାମୁଦ୍ରିକ ଝଡ଼ରେ ପରିଣତ ହେବାର ସମ୍ଭାବନା ରହିଛି । କ୍ରମେ ଏହା ଉତ୍ତର ଦିଗରେ ଗତିକରି ଗୁରୁବାର ଦିନ ଭୀଷଣ ବାତ୍ୟା 'ଦାନା'ର ରୂପ ନେବ ବୋଲି ପାଣିପାଗ ବିଭାଗ ପକ୍ଷରୁ ଆକଳନ କରାଯାଇଛି । ଏହା ଓଡ଼ିଶାର ପୁରୀ ଏବଂ ପଶ୍ଚିମବଙ୍ଗର ସାଗରଦ୍ୱୀପ ମଧ୍ୟରେ ସ୍ଥଳଭାଗ ଅତିକ୍ରମ କରିବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ପୂର୍ବାନୁମାନ କରାଯାଇଛି । ଏହି ସମୟରେ ପବନର ବେଗ ୧୦୦ରୁ ୧୧୦ କିଲୋମିଟର ରହିବ ।

ସମ୍ଭାବ୍ୟ ବାତ୍ୟାର ପ୍ରଭାବରେ ଆଜିଠାରୁ ଶୁକ୍ରବାର ପର୍ଯ୍ୟନ୍ତ ବିଭିନ୍ନ ଜିଲ୍ଲାରେ ଅତିପ୍ରବଳ ବର୍ଷା ହେବା ନେଇ ପାଣିପାଗ ବିଭାଗ ପକ୍ଷରୁ ସତର୍କ

ସୂଚନା ଜାରି କରାଯାଇଛି । ଆଜି ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡା, ଜଗତ୍‌ସିଂହପୁର ଓ ପୁରୀ ଜିଲ୍ଲାରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ସେହିଭଳି ଆସନ୍ତାକାଲି ମୟୂରଭଞ୍ଜ, କଟକ, ଯାଜପୁର, ବାଲେଶ୍ୱର, ଭଦ୍ରକ, କେନ୍ଦ୍ରାପଡା ଓ ଜଗତ୍‌ସିଂହପୁର ଜିଲ୍ଲାରେ ପ୍ରବଳରୁ ଅତିପ୍ରବଳ ବର୍ଷା ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି ।

ସମ୍ଭାବ୍ୟ ବାତ୍ୟା ପାଇଁ ରାଜ୍ୟର ସମସ୍ତ ବନ୍ଦର ଲାଗି ୧ନମ୍ବର ବିପଦ ସଙ୍କେତ ଜାରି କରାଯାଇଛି । ଅପରପକ୍ଷରେ ବାତ୍ୟାକୁ ଦୃଷ୍ଟିରେ ରଖି ପୂର୍ବତଟ ରେଳପଥ ପକ୍ଷରୁ ଆସନ୍ତା ୩ ଦିନ ପାଇଁ ୨୨୦ଟି ଟ୍ରେନ୍ ବାତିଲ କରାଯାଇଛି ।

## ୯ ମନ୍ତ୍ରୀଙ୍କୁ ଦାୟିତ୍ୱ

ସମ୍ଭାବ୍ୟ ବାତ୍ୟା 'ଦାନା'ର ପରିଚାଳନା ନିରୀକ୍ଷଣ ପାଇଁ ମୁଖ୍ୟମନ୍ତ୍ରୀ ୯ଟି ଜିଲ୍ଲାରେ ମନ୍ତ୍ରୀମାନଙ୍କୁ ଦାୟିତ୍ୱ ପ୍ରଦାନ କରିଛନ୍ତି । ପୁରୀ ଜିଲ୍ଲା ପାଇଁ ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡ଼ା, କେନ୍ଦ୍ରାପଡା ପାଇଁ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କୁ ଦାୟିତ୍ୱ ଦିଆଯାଇଥିବାବେଳେ କଟକ ଜିଲ୍ଲାପାଇଁ ପୃଥ୍ୱୀରାଜ ହରିଚନ୍ଦନଙ୍କୁ ଦାୟିତ୍ୱ ପ୍ରଦାନ କରାଯାଇଛି । ସେହିଭଳି ଜଗତ୍‌ସିଂହପୁର ଜିଲ୍ଲା ପାଇଁ ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ବାଲେଶ୍ୱର ରବିନାରାୟଣ ନାୟକ, ଭଦ୍ରକ ସୂର୍ଯ୍ୟବଂଶୀ ସୂରଜ, ମୟୂରଭଞ୍ଜ କୃଷ୍ଣଚନ୍ଦ୍ର

ମହାପାତ୍ର, ଗଞ୍ଜାମ ବିଭୂତି ଭୂଷଣ ଜେନା ଓ କେନ୍ଦୁଝର ଜିଲ୍ଲା ପାଇଁ କୃଷ୍ଣଚନ୍ଦ୍ର ପାତ୍ରଙ୍କୁ ବାତ୍ୟା ପରିଚାଳନା ଦାୟିତ୍ୱ ଦିଆଯାଇଛି ।

## ବାତ୍ୟା-ସ୍ଥାନାନ୍ତରଣ

ସମ୍ଭାବ୍ୟ ବାତ୍ୟା 'ଦାନା' ପାଇଁ ପ୍ରଭାବିତ ହେବାକୁ ଥିବା ଅଞ୍ଚଳରେ ସ୍ଥାନାନ୍ତରଣ ପ୍ରକ୍ରିୟା ଜାରି ରହିଛି । ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି ଆବଶ୍ୟକସ୍ଥଳେ ୧୦ଲକ୍ଷରୁ ଅଧିକ ଲୋକଙ୍କୁ ନିରାପଦ ସ୍ଥାନକୁ ସ୍ଥାନାନ୍ତରଣ କରାଯିବ । ଏଥିପାଇଁ ୩ ହଜାରରୁ ଅଧିକ ସମ୍ବେଦନଶୀଳ ସ୍ଥାନ ଚିହ୍ନଟ କରାଯାଇଛି । ସେହିଭଳି ୬ହଜାରରୁ ଉର୍ଦ୍ଧ୍ୱ ବହୁମୁଖୀ ବାତ୍ୟା-ବନ୍ୟା ଆଶ୍ରୟସ୍ଥଳୀ ପ୍ରସ୍ତୁତ ରଖାଯାଇଛି । ବାତ୍ୟା ମୁକାବିଲା ପାଇଁ ୧୪ଟି ଜିଲ୍ଲାରେ ୨୦ଟି ଏନ୍‌ଡିଆର୍‌ଏଫ୍ ଟିମ୍, ୫୧ଟି ଓଡ୍ରାଫ ଟିମ୍ ଏବଂ ୧୭୮ଟି ଅଗ୍ନିଶମ ଟିମ୍ ମୁତୟନ ହୋଇଛନ୍ତି ବୋଲି ମନ୍ତ୍ରୀ କହିଛନ୍ତି ।

## ବାତ୍ୟା-କଳାବଜାରୀ

ସମ୍ଭାବ୍ୟ ବାତ୍ୟା ସମୟରେ କଳାବଜାରୀକୁ ରୋକିବା ପାଇଁ ଖାଦ୍ୟଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଗୁରୁତ୍ୱାରୋପ କରିଛନ୍ତି । ଗତକାଲି ଭୁବନେଶ୍ୱରଠାରେ ଅନୁଷ୍ଠିତ ଏକ ବୈଠକରେ ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି ବାତ୍ୟା ଆଶଙ୍କା ପରେ ରାଜ୍ୟର ବିଭିନ୍ନ ସ୍ଥାନରେ ପନିପରିବା ଭଳି ଅତ୍ୟାବଶ୍ୟକୀୟ ସାମଗ୍ରୀର ମୂଲ୍ୟ ବୃଦ୍ଧି ରୋକିବା ପାଇଁ ବ୍ୟବସାୟୀ

ସଂଘକୁ ପରାମର୍ଶ ଦିଆଯାଇଛି । ଆବଶ୍ୟକତାଠାରୁ ଅଧିକ ଦାମ୍‌ରେ ସାମଗ୍ରୀ ବିକ୍ରୟ କରୁଥିବା ତଥା କଳାବଜାରୀ କରୁଥିବା ବେପାରୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ବିଭାଗୀୟ ଅଧିକାରୀମାନଙ୍କୁ ମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି ।

## ପୁଲିସ ଅଧିକାରୀ-ସମୀକ୍ଷା ବୈଠକ

ସମ୍ଭାବ୍ୟ ବାତ୍ୟାର ମୁକାବିଲା ଓ ପରବର୍ତ୍ତୀ ପୁର୍ନଉଦ୍ଧାର କାର୍ଯ୍ୟପନ୍ଥାକୁ ଦୃଷ୍ଟିରେ ରଖି ରାଜ୍ୟ ପୁଲିସ ମହାନିର୍ଦ୍ଦେଶକ ଯୋଗେଶ ବାହାଦୂର ଖୁରାନିଆଙ୍କ ଅଧ୍ୟକ୍ଷତାରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଛି । ବୈଠକରେ ଶୂନ୍ୟ ମୃତ୍ୟୁ ଲକ୍ଷ୍ୟ ନେଇ କାର୍ଯ୍ୟ କରିବା ପାଇଁ ଶ୍ରୀ ଖୁରାନିଆ ସମସ୍ତ ଜିଲ୍ଲାର ଆରକ୍ଷୀ ଅଧିକ୍ଷକମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ବାତ୍ୟା ଆଶ୍ରୟସ୍ଥଳରେ ପୁଲିସ ଫୋର୍ସ ମୁତୟନ, ସମୁଦ୍ରକୂଳ ଅଞ୍ଚଳରେ ସଚେତନତା ସୃଷ୍ଟି, ଜନସାଧାରଣଙ୍କୁ ଉଦ୍ଧାର ଆଦି ଉପରେ ପ୍ରଭାବିତ ଜିଲ୍ଲାର ସମସ୍ତ ଥାନା ଅଧିକାରୀଙ୍କୁ ସଚେତନ କରିବା ପାଇଁ ପୁଲିସ ଅଧିକାରୀମାନଙ୍କୁ ପରାମର୍ଶ ଦେଇଛନ୍ତି ।

## ମୁଖ୍ୟମନ୍ତ୍ରୀ

ଦେଶର ପ୍ରମୁଖ ଶିଳ୍ପ ହବ୍‌ରେ ପରିଣତ ହେବା ପାଇଁ ଓଡ଼ିଶା ନିକଟରେ ସମସ୍ତ ସାଧନ ରହିଛି । ଏହାକୁ ଦୃଷ୍ଟିରେ ରଖି ଆସନ୍ତା ୫ ବର୍ଷ ଭିତରେ ୫ଲକ୍ଷ କୋଟି ଟଙ୍କାର ନିବେଶ ଆଣିବା ପାଇଁ ସରକାର ପଦକ୍ଷେପ

ନେଉଛନ୍ତି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି କହିଛନ୍ତି । ଗତକାଲି ଭୁବନେଶ୍ୱରରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ଯୋଗଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି ରାଜ୍ୟକୁ ପ୍ରଗତି ପଥରେ ଆଗେଇ ନେବା ପାଇଁ ସରକାର ସମସ୍ତ ଉଦ୍ୟମ କରୁଛନ୍ତି । କେବଳ ଶିଳ୍ପ ନୁହେଁ ପର୍ଯ୍ୟଟନ ତଥା ଆନୁଷଙ୍ଗିକ କ୍ଷେତ୍ରରେ ମଧ୍ୟ ଓଡ଼ିଶାର ଭବିଷ୍ୟତ ଅତ୍ୟନ୍ତ ଉଜ୍ଜ୍ୱଳ ବୋଲି ଶ୍ରୀ ମାଝି କହିଛନ୍ତି ।

## ରାଜ୍ୟ କ୍ୟାବିନେଟ୍

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝିଙ୍କ ଅଧ୍ୟକ୍ଷତାରେ ଆଜି ରାଜ୍ୟ କ୍ୟାବିନେଟ୍‌ର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହେବ । ବୈଠକରେ ସମବାୟ, ପଞ୍ଚାୟତିରାଜ, ଗ୍ରାମ୍ୟ ଉନ୍ନୟନ ବିଭାଗ ସମ୍ପର୍କରେ ଗୁରୁତ୍ୱପୂର୍ଣ୍ଣ ଆଲୋଚନା ହେବାର ସୂଚନା ମିଳିଛି । ଅନ୍ୟପକ୍ଷରେ ସମ୍ଭାବ୍ୟ ବାତ୍ୟା 'ଦାନା' ସମ୍ପର୍କରେ ମଧ୍ୟ ଆଲୋଚନା ହୋଇପାରେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

# ସାମୟିକ ଛୁଟି ବୃଦ୍ଧି

ସରକାରୀ ମହିଳା କର୍ମଚାରୀଙ୍କ ପାଇଁ ଅତିରିକ୍ତ ସାମୟିକ ଛୁଟି ୧୨ଦିନକୁ ବୃଦ୍ଧି କରିବା ପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ନିର୍ଦ୍ଦେଶ ଦେଇଛନ୍ତି । ସେମାନେ ଏହି ଅତିରିକ୍ତ ଛୁଟି ପ୍ରଚଳିତ ୧୦ଦିନ ସାମୟିକ ଛୁଟି, ୫ଦିନ ସ୍ୱତନ୍ତ୍ର ସାମୟିକ ଛୁଟି ସହିତ ପାଇପାରିବେ । ଏହି ୧୨ ଦିନ ଅତିରିକ୍ତ

ସାମୟିକ ଛୁଟି ସେମାନେ ମାସକୁ ଗୋଟିଏ ଦିନ ଲାଭ କରିପାରିବେ । ସୂଚନାଯୋଗ୍ୟ ପୂର୍ବରୁ ଏହି ଛୁଟି ୧୦ ଦିନ ପାଇଁ ମିଳୁଥିଲା ।